ସାଧାରଣ ଜନତାର ସ୍ୱର
ସ୍ୱାଧିକାର
Swadhikar

Swadhikar

# କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାର ପାଇଲେ ଗାୟତ୍ରୀବାଳା



**ନୂଆଦିଲ୍ଲୀ,୧୧।୩(ସ୍ୱାଧିକାରନ୍ୟୁଜ):** କବିତା ସଂକଳନ 'ଦୟାନଦୀ' ପାଇଁ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର ଗ୍ରହଣ କରିଛନ୍ତି କବୟତ୍ରୀ ଡ. ଗାୟତ୍ରୀବାଳା ପଣ୍ଡା । ଗତବର୍ଷ ଡିସେମ୍ବର ମାସରେ କେନ୍ଦ୍ର ସାହିତ୍ୟ ଏକାଡ଼େମୀ ଏହା ଘୋଷଣା କରାଯାଇଥିବା ବେଳେ ଆଜି ଏହି ପୁରସ୍କାର ପ୍ରଦାନ କରାଯାଇଛି । କେନ୍ଦ୍ର ସାହିତ୍ୟ ଏକାଡେମୀର ସଭାପତି ମାଧବ କୌଶିକ କବୟତ୍ରୀ ଡ. ଗାୟତ୍ରୀବାଳା ପଣ୍ଡାଙ୍କୁ ଏହି ମର୍ଯ୍ୟାଦାଜନକ ପୁରସ୍କାର ପ୍ରଦାନ କରିଛନ୍ତି । ପୁରସ୍କାର ସ୍ୱରୂପ ୧,୦୦,୦୦୦ ଟଙ୍କାର

## ଦୟାନଦୀ କବିତା ସଂକଳନ ପାଇଁ ପୁରସ୍କୃତ

## ଯୁବ ଓ ମୁଖ୍ୟ ବର୍ଗରେ ପୁରସ୍କାର ପାଇବାରେ ପ୍ରଥମ ଭାରତୀୟ କବି

ଅର୍ଥରାଶି ଓ ତାମ୍ର ଫଳକ ସ୍ୱତନ୍ତ୍ର ଉତ୍ସବରେ ପ୍ରଦାନ କରାଯାଇଛି । ସେହିପରି ଅନ୍ୟ ୨୨ ଭାଷା ପାଇଁ ମଧ୍ୟ ପୁରସ୍କାର ପ୍ରଦାନ କରାଯାଇଛି ।

କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପକ୍ଷରୁ ୨୦୨୨ ମସିହା ପାଇଁ ଓଡ଼ିଆ ଭାଷାରେ କବି ଡ. ଗାୟତ୍ରୀବାଳା ପଣ୍ଡାଙ୍କ କବିତା ସଂକଳନ ଦୟାନଦୀକୁ ପୁରସ୍କାର ପାଇଁ ମନୋନୀତ କରାଯାଇଥିଲା । କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କୃତ କବିତା ସଂକଳନ ଦୟାନଦୀ ■ପୃଷ୍ଠା-୭

### କେନ୍ଦ୍ର ସାହିତ୍ୟ..

୨୦୧୭ ରେ ପକ୍ଷୀଘର ପ୍ରକାଶନ ସଂସ୍ଥା ଦ୍ୱାରା ପ୍ରକାଶ ପାଇଥିଲା । କବିତା ସଂକଳନ ଦୟାନଦୀ କଳିଙ୍ଗ ଯୁଦ୍ଧ ଉପରେ ଆଧାରିତ ଏଥିରେ ଉତ୍ସର୍ଗ ଓ ପରିଶିଷ୍ଟକୁ ମିଶାଇ ୬୪ଟି କବିତା ରହିଛି । ଯୁଦ୍ଧର ସମସ୍ତ ବିଭୀଷିକା, ସମସ୍ତ ସ୍ପର୍ଦ୍ଧା ଓ ସମସ୍ତ ଅହଂକାର ଭିତରେ କେବଳ ଗୋଟିଏ ଅନୁନାଦିତ ସ୍ୱର ହିଁ ଗୁଂଜରିତ ହୁଏ, ତାହା ହେଉଛି ପରାଜୟର ।

ଏହି କବିତାଗୁଡ଼ିକ ଇତିହାସର କୌଣସି ତାତ୍ତ୍ୱିକ ଆଲୋଚନା ବା କାବ୍ୟରୂପ ନୁହେଁ, ବରଂ ଏହା ଇତିହାସର ନଈରେ ନୌଯାତ୍ରା କରୁଥିବା ଏକ କାବ୍ୟିକ ସମ୍ବେଦନା କଳିଙ୍ଗ ଯୁଦ୍ଧର ଏକମାତ୍ର ସାକ୍ଷୀ ଭାବରେ ଆଜି ବି ଅଛି । ଦୟାନଦୀ ଆଜି ବି ପ୍ରତି ଓଡ଼ିଆର ରକ୍ତରେ ରକ୍ତହୋଇ ବହୁଛି । ମଣିଷକୁ ମଣିଷପଣିଆ ଆଡ଼େ ବାଟ ଦେଖାଉଛି । ଶାନ୍ତି, ପ୍ରୀତି, ମୈତ୍ରୀର ଜୟଗାନ କରୁଛି । ଦୀର୍ଘ ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ଧରି କବିତା, ଗପ, ଉପନ୍ୟାସ, ପ୍ରବନ୍ଧ ଓ ଖବରକାଗଜରେ ସ୍ତମ୍ଭ ରଚନା କରି ଯଥେଷ୍ଟ ପାଠକୀୟ ସ୍ୱୀକୃତି ହାସଲ କରିଥିବା କବି ଗାୟତ୍ରୀବାଳା ପଣ୍ଡାଙ୍କର ଏଯାବତ୍ ୨୫ଖଣ୍ଡ ପୁସ୍ତକ ପ୍ରକାଶ ପାଇଛି । ସେଥିମଧ୍ୟରୁ ଓଡ଼ିଆ ଭାଷାରେ ବାରଟି କବିତା ସଂକଳନ, ଦୁଇଟି ଗଳ୍ପ ସଂକଳନ, ଦୁଇଟି ଉପନ୍ୟାସ ଏବଂ ଗୋଟିଏ ପ୍ରବନ୍ଧ ସଂକଳନ ପ୍ରକାଶ ପାଇଛି ।

ଏତଦ୍ବ୍ୟତୀତ ହିନ୍ଦୀ ଭାଷାରେ ପାଞ୍ଚଟି କବିତା ସଂକଳନ ଓ ବଂଗାଳୀ ଭାଷାରେ ଦୁଇଟି କବିତା ସଂକଳନ, ଗୋଟିଏ ଗଳ୍ପ ସଂକଳନ ପ୍ରକାଶ ପାଇଛି । କବିତା ସଂକଳନଗୁଡ଼ିକ ହେଲା ଆହତ ପ୍ରତିଶ୍ରୁତି, ଅକ୍ଷ ରେଖାର, ଅଣାୟତ, ଗାଁ, ସେତିକି ବିଶ୍ରୁତି ଆକାଶ, ଆଖି ନାହିଁ କାନ ନାହିଁ, ଏ ରାତିର ଯେତେ ତାରା, ବାଘ, ଦୟାନଦୀ, ମହେଞ୍ଜୋଦାରୋ, ନିର୍ବାଚିତ କବିତା ଓ ପ୍ରାର୍ଥନାର ଉପରି ବିସର୍ଜନ ଓ ନିଜକୁ ନେଇ ସତ ଗପ ତାଙ୍କର ଦୁଇଟି ଗଳ୍ପ ସଂକଳନ । ମଲି ଯାହା ଜାଣେ ନାହିଁ, ରାକ୍ଷୀ, ରିପୋର୍ଟର ଓ ମାୟାଜାଲ ତାଂକର ଉଚ୍ଚରାତି ଉପନ୍ୟାସ ତଥା ବିଚାର ବିମର୍ଶ ତାଂକର ପ୍ରବନ୍ଧ ସଂକଳନ  କେନ୍ଦ୍ର ସାହିତ୍ୟ ଏକାଡ଼େମୀ ପୁରସ୍କାର ପାଇବା ପୂର୍ବରୁ ଗାୟତ୍ରୀବାଳା ୨୦୧୧ରେ କବିତା ସଂକଳନ ଗାଁ ପାଇଁ ପ୍ରଥମ କେନ୍ଦ୍ର ସାହିତ୍ୟ ଏକାଡେମୀ ଯୁବ ପୁରସ୍କାର ପାଇଥିଲେ ।

ଏହାବ୍ୟତୀତ ସେ ରାଜ୍ୟ ଯୁବ ପୁରସ୍କାର, ରାଜୀବ ଗାନ୍ଧୀ ସଦ୍ଭାବନା ପୁରସ୍କାର, ଉତ୍କଳ ସାହିତ୍ୟ ସମାଜ ଯୁବ ସାହିତ୍ୟିକ ସମ୍ମାନ, ଶାରଳା କାବ୍ୟ ସମ୍ମାନ, କାଦମ୍ବିନୀ କବିତା ସମ୍ମାନ, ଫକୀର ମୋହନ ସାହିତ୍ୟ ସମ୍ମାନ, ବସନ୍ତ ମୁଦୁଲି କବିତା ସମ୍ମାନ, ମହୁଳ ଯୁବ କବି ସମ୍ମାନ, କୋଣାର୍କ ଯୁବ କବି ସମ୍ମାନ, ଟାଇମ୍ ପାସ୍ ସ୍ୱୟଂଶ୍ରୀ ସମ୍ମାନ, ତାଳପଦେଶ୍ୱରୀ ସାରସ୍ୱତ ସମ୍ମାନ, ଇସ୍ତାହାର କବିତା ସମ୍ମାନ, ଦୀପକ ମିଶ୍ର କବିତା ସମ୍ମାନ, ରାଇଟର୍ସ-ଇନ୍-ରେସିଡେନ୍ସ ଆଟ୍ ରାଷ୍ଟ୍ରପତି ଭବନ-୨୦୧୫, ରାଜ୍ୟ ଦୁର୍ନୀତି ନିବାରଣ ବିଭାଗ, ରାଜ୍ୟ ସରକାରଙ୍କ ପକ୍ଷରୁ ଦୁର୍ନୀତି ନିବାରଣ ଉପରେ ରଚିତ ପ୍ରବନ୍ଧ ପାଇଁ ପୁରସ୍କୃତ ହେବା ସହିତ ସତ୍ୟବାଦୀ ସାହିତ୍ୟ ସମ୍ମାନ, ରାଜକନ୍ୟା ରତ୍ନମାଳା ହେମା ସାରସ୍ୱତ ସମ୍ମାନ, ଆର୍ଯ୍ୟା ସମ୍ମାନ, କଳିଙ୍ଗ ବୀରାଙ୍ଗନା ସମ୍ମାନ, ଭକ୍ତ ଭାରତୀ ଜୟଦେବ ଷଡ଼ଙ୍ଗୀ ସ୍ମୃତି ସମ୍ମାନ, ଟାଇମ୍ସ ପାୱାର ୱିମେନ୍ ସମ୍ମାନ ଓ ଅକ୍ଷର ସାହିତ୍ୟ ସମ୍ମାନ ଇତ୍ୟାଦି ବହୁ ପୁରସ୍କାର ଓ ସମ୍ମାନରେ ସମ୍ମାନିତ ହୋଇଛନ୍ତି ।

ଉଲ୍ଲେଖଯୋଗ୍ୟ, ଓଡ଼ିଆରେ ୧୨ଟି କବିତା ସଂକଳନ, ୨ଟି ଗଳ୍ପ ସଂକଳନ, ୨ଟି ଉପନ୍ୟାସ, ଗୋଟିଏ ପ୍ରବନ୍ଧ ସଂକଳନ ପ୍ରକାଶ କରି ସେ ଓଡ଼ିଆ ସାହିତ୍ୟ ଜଗତକୁ କରିଛନ୍ତି ସମୃଦ୍ଧ । ଇଂରାଜୀ ହିନ୍ଦୀ ଓ ବଂଗଳାରେ ବି ପ୍ରକାଶିତ ହୋଇଛି ତାଙ୍କର ଅନେକ କବିତା ଓ ଗଳ୍ପ ସଂକଳନ । ରାଜ୍ୟ ଯୁବ ପୁରସ୍କାର, ରାଜୀବ ଗାନ୍ଧୀ ସଦ୍ଭାବନା ପୁରସ୍କାର, ଉତ୍କଳ ସାହିତ୍ୟ ସମାଜ ଯୁବ ସାହିତ୍ୟିକ ସମ୍ମାନ, ଶାରଳା କାବ୍ୟ ସମ୍ମାନ, କାଦମ୍ବିନୀ କବିତା ସମ୍ମାନ, ଫକିର ମୋହନ ସାହିତ୍ୟ ସମ୍ମାନ, ବସନ୍ତ ମୁଦୁଲି କବିତା ସମ୍ମାନ ଆଦି ଅନେକ ସମ୍ମାନରେ ସମ୍ମାନିତ ହୋଇଛନ୍ତି ଗାୟତ୍ରୀବାଳା ।